# ଆଜି ଅନୁଗୋଳ ଜିଲ୍ଲାରୁ ୩୩ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୬୫୦ରେ ପହଞ୍ଚିଲା - ସୁସ୍ଥ ହେଲେ ୦୮ ଜଣ ।

ଅନୁଗୋଳ, ତା.୦୮.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୩୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ୍ ଆକ୍ରାନ୍ତଂକ ସଂଖ୍ୟା ୨୫୪ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୪ ଜଣ ( ୧୧ଜଣ ପୁରୁଷ ଓ ୩ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୪ ଜଣ ( ୨ଜଣ ପୁରୁଷ ଓ ୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୨ଜଣ ( ୨ଜଣ ପୁରୁଷ),ତାଳଚେର ବ୍ଲକ୍ ୨ଅଂଚଳରୁ ଜଣ ( ୨ଜଣ ପୁରୁଷ ) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ୍ରେ କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ସାମାଜିକ ଦୂରତା ଅବଲମ୍ବନ କରିବା ସହିତ ମାସ୍କ ପରିଧାନ କରିବା ପାଇଁ ଜିଲ୍ଲାପାଳ ଜିଲ୍ଲାବାସୀଂକୁ ଅନୁରୋଧ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୦୮ଜଣ ହୋମ Isolation ରେ ଥିବାର ଜଣାପଡିଛି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୨୪୦ ତା.୦୮.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ